**Sankha Bhawan**
Plot No. 798, Unit - VI
Bhubaneswar - 751001, Odisha

**BJD**

Ph : 0674-2393464, 2395979
email : bijujanatadal@gmail.com

# BIJU JANATA DAL

<u>ପ୍ରେସ୍ ବିଜ୍ଞପ୍ତି</u>

## ଆଜି ନିର୍ବାଚନ ଅନୁଷ୍ଠିତ ହୋଇଥିବା ନବେ ପ୍ରତିଶତ ଆସନରେ ବିଜେଡି ଜିତିବ: ଡ଼ଃ ସସ୍ମିତ ପାତ୍ର

**ଭୁବନେଶ୍ୱର, ୧୩/୦୫/୨୦୨୪:** ଆଜି ସନ୍ଧ୍ୟାରେ ଶଙ୍ଖ ଭବନ ଠାରେ ବିଜେଡି ତରଫରୁ ଏକ ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ ହୋଇଥିଲା । ଏଥିରେ ବିଜୁ ଜନତା ଦଳର ଜାତୀୟ ମୁଖପାତ୍ର ଡ଼ଃ ସସ୍ମିତ ପାତ୍ର ସମ୍ବୋଧନ କରି କହିଥିଲେ, ପ୍ରଥମ ପର୍ଯ୍ୟାୟ ମତଦାନ ପ୍ରାୟ ଶେଷ ହେବା ପରେ ଯେଉଁ ଫିଡବ୍ୟାକ୍ ଆସୁଛି, ତାହା ଅନୁଯାୟୀ ଗୋଟିଏ କଥା ସ୍ପଷ୍ଟ, ବିଜୁ ଜନତା ଦଳ ଏହି ପ୍ରଥମ ପର୍ଯ୍ୟାୟ ନିର୍ବାଚନରେ ଉଲ୍ଲେଖନୀୟ ସଫଳତା ହାସଲ କରୁଛି। ୨୦୧୯ ନିର୍ବାଚନ ତୁଳନାରେ ୨୦୨୪ରେ ପ୍ରଦର୍ଶନ ଆହୁରି ଭଲ ରହୁଛି । ପ୍ରଥମ ପର୍ଯ୍ୟାୟରେ ଦଳ ୯୦ ପ୍ରତିଶତରୁ ଅଧିକ ଆସନରେ ବାଜିମାତ୍ କରୁଛି । ଏଥିପାଇଁ ଆମେ କଳାହାଣ୍ଡି, ନବରଙ୍ଗପୁର, ବ୍ରହ୍ମପୁର, କୋରାପୁଟ ସଂସଦୀୟ କ୍ଷେତ୍ରର ସମସ୍ତ ଜନସାଧାରଣଙ୍କୁ ହୃଦୟରୁ କୃତଜ୍ଞତା ଜଣାଉଛୁ । ଏହାହିଁ ଦର୍ଶାଉଛି ଯେ ଆଗାମୀ ସମସ୍ତ ପର୍ଯ୍ୟାୟରେ ବିଜୁ ଜନତା ଦଳ ଉଲ୍ଲେଖନୀୟ ସଫଳତା ପାଇବ ଓ ସାଢେ ୪ କୋଟି ଓଡିଶାବାସୀଙ୍କ ସେବାରେ ନିୟୋଜିତ ରହିବ ।

ଡଃ ପ୍ରିୟବ୍ରତ ମାଝୀ

**(ଡଃ ପ୍ରିୟବ୍ରତ ମାଝୀ)**
**ମୁଖପାତ୍ର, ବିଜୁ ଜନତା ଦଳ**